ODISHA POLICE
STATE HEADQUARTERS
CUTTACK.

**ପ୍ରେସ୍ ନୋଟ୍**

**୩୦.୦୭.୨୦୨୫**

ମାଓବାଦୀ ଦମନ ଅଭିଯାନ କ୍ଷେତ୍ରରେ କନ୍ଧମାଳ ଜିଲ୍ଲା ପୋଲିସକୁ ଆଜି ଏକ ବଡ଼ ସଫଳତା ମିଳିଛି। ଏହି ଅଭିଯାନରେ ୨ଜଣ ମାଓବାଦୀଙ୍କ ମୃତ୍ୟୁ ଘଟିଥିବା ବେଳେ ଘଟଣାସ୍ଥଳରୁ ଗୋଟିଏ ରାଇଫଲ, ରିଭଲଭର, ଜୀବନ୍ତ ଗୁଳି, ୱାକି ଟକି, ବ୍ୟାଟେରୀ ଏବଂ ଅନ୍ୟାନ୍ୟ ମାଓ ସାମଗ୍ରୀ ଜବତ କରାଯାଇଛି।

ମୃତ୍ୟବରଣ କରିଥିବା ଉଭୟ ମାଓବାଦୀ ହେଉଛନ୍ତି, ମଙ୍କୁ ଏବଂ ଚନ୍ଦନ ବୋଲି ପ୍ରାଥମିକ ତଦନ୍ତରୁ ଜଣାପଡିଛି। କନ୍ଧମାଳ ଜିଲ୍ଲାରେ ସକ୍ରିୟ ଥିବା ମାଓବାଦୀ ଗ୍ରୃପ ମଙ୍କୁ **ACM** କ୍ୟାଡର ଏବଂ ଚନ୍ଦନ ପାର୍ଟି ସଦସ୍ୟ ବୋଲି ପୋଲିସ ପ୍ରାରମ୍ଭିକ ସୂଚନା ପାଇଛି। ସମ୍ପୃକ୍ତ ଅଞ୍ଚଳରେ ପୋଲିସ ପକ୍ଷରୁ ବ୍ୟାପକ ତଲାସୀ ଅଭିଯାନ ଜାରି ରହିଛି।

ଉଲ୍ଲେଖ ଯୋଗ୍ୟ ଯେ, ବାଲିଗୁଡା ଥାନା ଅଧୀନ ପୁରାଣଜିଆବ ସଂରକ୍ଷିତ ଜଙ୍ଗଲ ନିକଟରେ କିଛି ମାଓବାଦୀ ଲୁଚି ରହିଥିବା ସଂକ୍ରାନ୍ତରେ ଜିଲ୍ଲା ପୋଲିସର ଗୁଇନ୍ଦା ସୂତ୍ରରୁ ସୂଚନା ମିଳିଥିଲା। ସେହି ଅନୁଯାୟୀ, କନ୍ଧମାଳ ଏସପି ଶ୍ରୀ ହରିଶ ବି. ସି.ଙ୍କ ନିର୍ଦ୍ଦେଶ କ୍ରମେ ଜିଲ୍ଲାର ଡିଭିଏଫ ଯବାନ ଟିମ ସମ୍ପୃକ୍ତ ଅଞ୍ଚଳରେ ମାଓ ବିରୋଧୀ ଅଭିଯାନ ଆରମ୍ଭ କରିଥିଲେ।

ଆଜି ପୂର୍ବାହ୍ନ ପ୍ରାୟ ୧୨ ଟା ସମୟରେ **DVF** ଯବାନ ଏବଂ ନକ୍ସଲମାନଙ୍କ ମଧ୍ୟରେ ଗୁଳି ବିନିମୟ ହୋଇଥିଲା। ଏହି ଗୁଳି ବିନିମୟରେ ମଙ୍କୁ ଏବଂ ଚନ୍ଦନଙ୍କ ମୃତ୍ୟୁ ଘଟିଥିଲା। ପୋଲିସ ଉଭୟଙ୍କ ମରଶରୀର ଜବତ କରିବା ସହ ସମ୍ପୃକ୍ତ ଅଞ୍ଚଳରେ ଅପେରସନ ଜୋରଦାର କରିଛି। ଉଭୟଙ୍କ ମାଓ କାର୍ଯ୍ୟକଳାପ ଏବଂ ହିଂସାକାଣ୍ଡର ସମ୍ପୃକ୍ତି ସମ୍ପର୍କରେ ପୋଲିସ ତଦନ୍ତ କରୁଛି।

ରାଜ୍ୟ ଆରକ୍ଷୀ ମହାନିର୍ଦ୍ଦେଶକ ଯୋଗେଶ ବାହାଦୁର ଖୁରାନିଆ ଏହି ସଫଳତା ପାଇଁ କନ୍ଧମାଳ ଜିଲ୍ଲା ଏସପି ଶ୍ରୀ ହରିଶ ବି. ସି. ଏବଂ **DVF** ଯବାନ ଟିମକୁ ଶୁଭେଚ୍ଛା ଜଣାଇଛନ୍ତି।

30/07/25

ଲୋକ ସମ୍ପର୍କ ଅଧିକାରୀ